# ସୁବର୍ଣ୍ଣପୁର ପୌରପରିଷଦ କାର୍ଯ୍ୟାଳୟ ସୁବର୍ଣ୍ଣପୁର

ନୋଟିସ୍ ନଂ 1940 ତା. 17-7-2020

## ସର୍ବସାଧାରଣ ନୋଟିସ୍

ଏତତ୍‌ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ, ସୁବର୍ଣ୍ଣପୁର ପୌର ପରିଷଦ ଅଧିନସ୍ଥ ନିମ୍ନଲିଖିତ ସମ୍ପତ୍ତିଗୁଡିକର ପୁନଃ ଜଉମୁଦ ଟେଣ୍ଡର ଆହ୍ୱାନ କରାଯାଉଅଛି । ଯେଉଁମାନେ ଏଥିରେ ଅଂଶ ଗ୍ରହଣ କରିବାକୁ ଇଚ୍ଛୁକ ସେମାନେ ଆସନ୍ତା ତା.୨୭.୦୭.୨୦୨୦ ଅପରାହ୍ଣ ୩.୦୦ଘ ସୁଦ୍ଧା ଜଉମୁଦ ଲଫାପାରେ ଟେଣ୍ଡର ପକାଇପାରିବେ । ଟେଣ୍ଡରରେ ଭାଗ ନେବା ବ୍ୟକ୍ତି କାର୍ଯ୍ୟାଳୟରୁ ଟେଣ୍ଡର ଫର୍ମ ଓ ଟେଣ୍ଡର ସମ୍ବନ୍ଧିୟ ତଥ୍ୟ **ଟ.୧୦୦/-ଙ୍କା** ଦାଖଲ କରି ତା.୨୭.୦୭.୨୦୨୦ ଦିବା ଘ.୧.୦୦ ପର୍ଯ୍ୟନ୍ତ ପାଇପାରିବେ । ଜଉମୁଦ ଟେଣ୍ଡରରେ ଭାଗ ନେବା ବ୍ୟକ୍ତି ନିର୍ଦ୍ଧାରିତ ମୂଲ୍ୟ ର **୩୦ ପ୍ରତିଶତ** ଅମାନତ ଟଙ୍କା ବ୍ୟାଙ୍କ ଡ୍ରାଫ୍ଟ ଆକରରେ Executive Officer, Sonepur Municipality ଙ୍କ ନାମରେ ଟେଣ୍ଡର ପେପର ସହିତ ଟେଣ୍ଡର ବାକ୍ସରେ ମୁଦ ଲଫାପାରେ ପକାଇବାକୁ ଜଣାଇ ଦିଆଗଲା । ଜଉମୁଦ ଟେଣ୍ଡର ଆସନ୍ତା ତା.୨୭.୦୭.୨୦୨୦ ଅପରାହ୍ଣ ଘ.୪.୦୦.ସମୟରେ ଟେଣ୍ଡର ଦାତା କିମ୍ବା ତାଙ୍କର କ୍ଷମତା ପ୍ରାପ୍ତ ବ୍ୟକ୍ତିଙ୍କ ଉପସ୍ଥିତିରେ ଖୋଲାଯିବ । ଟେଣ୍ଡର କାରୀ ଯେକୌଣସି ଟେଣ୍ଡର ର ସର୍ବୋଚ୍ଚ ମୂଲ୍ୟ ଗ୍ରହଣ କରିବାକୁ ବାଧ୍ୟ ନୁହନ୍ତି । କର୍ତ୍ତୃପକ୍ଷ ଇଚ୍ଛାକଲେ ବିନା ନୋଟିସରେ କୌଣସି କାରଣ ନ ଦର୍ଶାଇ ଟେଣ୍ଡର ରଦ୍ଦ କରିପାରିବେ । ଯେଉଁ ବ୍ୟକ୍ତି ଟେଣ୍ଡର ପାଇବେ ସେ ପରିଷଦର ନିର୍ଦ୍ଦେଶ ଅନୁଯାୟୀ ତଥା ଚୁକ୍ତିପତ୍ରର ସର୍ତ୍ତାବଳୀ ମୁତାବକ ସଂପତ୍ତି ପରିଚାଳନା କରିବେ । ଟେଣ୍ଡର ପାଇଥିବା ବ୍ୟକ୍ତି ୭ଦିନ ମଧ୍ୟରେ ଧାର୍ଯ୍ୟ ମୂଲ୍ୟ ବ୍ୟାଙ୍କ ଡ୍ରାପ୍ଟ ଆକାରରେ ଜମା କରିବେ । କୌଣସି ସର୍ତ୍ତ ଖିଲାପ କଲେ କିମ୍ବା ନିୟମାନୁଯାୟୀ ସୈରାତ ପରିଚାଳନା ନକଲେ ଟେଣ୍ଡର ରଦ୍ଦ କରାଯିବା ସଂଗେ ସଂଗେ ଦାଖଲ କରାଯାଇଥିବା ସମସ୍ତ ଟଙ୍କା ବ୍ୟଜାପ୍ତି କରାଯିବ । ଏଥିପାଇଁ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ।

| କ୍ର.ନଂ | ସଇରାତର ନାମ | ଟେଣ୍ଡର ର କାର୍ଯ୍ୟକାଳ | ଅଫସେଟ ମୂଲ୍ୟ | ଅମାନତ ଟଙ୍କା |
|---|---|---|---|---|
| ୧. | କଂସେଇ ଖାନା | ୦୧.୦୮.୨୦୨୦ ରୁ ୩୧.୦୩.୨୦୨୧ | ୨୦,୦୦୦/- | ୬,୦୦୦/- |
| ୨. | ବସଷ୍ଟାଣ୍ଡ ପାର୍କିଂ (ବିଜୁ ପଟ୍ଟନାୟକ ଛକ ଠାରୁ ନଳିନୀ ଛକ ପର୍ଯ୍ୟନ୍ତ) | ୦୧.୦୮.୨୦୨୦ ରୁ ୩୧.୦୩.୨୦୨୧ | ୧,୭୦,୦୦୦/- | ୫୧,୦୦୦/- |
| ୩. | ପଥୁରୀ ବନ୍ଧ | ୦୧.୦୮.୨୦୨୦ ରୁ ୩୧.୦୩.୨୦୨୩ | ୧୮୯୪/- | ୫୬୮/- |
| ୪. | ହୋଡ଼ିଂ (ନଳୀନୀଛକ, ବସଷ୍ଟାଣ୍ଡ, ଆମ୍ବେଦକର ଛକ) ଅନ୍ୟସ୍ଥାନ ଅନୁମତି ପତ୍ର କ୍ରମେ | ୦୧.୦୮.୨୦୨୦ ରୁ ୩୧.୦୩.୨୦୨୩ | ୩,୨୩,୫୫୭/- | ୯୭,୦୬୭/- |

17/07/2020

ନିର୍ବାହୀ ଅଧିକାରୀ,
ସୁବର୍ଣ୍ଣପୁର ପୌର ପରିଷଦ।

ପରିପତ୍ରାଙ୍କ 1941(2) ତାରିଖ 17-7-2020

ଏହାର ଏକକିତା ଅବିକଲ ନକଲ **ସଂପାଦକ**, ସମାଜ / ସମ୍ବାଦ ସମ୍ବାଦପତ୍ରରେ ଗୋଟିଏ ଦିନ ପ୍ରକାଶ କରିବାକୁ ଅନୁରୋଧ କରାଗଲା।

17/07/2020

ନିର୍ବାହୀ ଅଧିକାରୀ,
ସୁବର୍ଣ୍ଣପୁର ପୌର ପରିଷଦ।

ପରିପତ୍ରାଙ୍କ 1942 ତାରିଖ 17-7-2020

ଏହାର ଏକକିତା ଅବିକଲ ନକଲ ଅତିରିକ୍ତ ଜିଲ୍ଲାପାଳ, ସୋନପୁର/ ପ୍ରକଳ୍ପ ନିର୍ଦ୍ଦେଶକ,DRDA ସୋନପୁର/ ଉପ-ଜିଲ୍ଲାପାଳ, ସୋନପୁର/ ତହସିଲଦାର, ସୋନପୁରଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

ନିର୍ବାହୀ ଅଧିକାରୀ,
ସୁବର୍ଣ୍ଣପୁର ପୌର ପରିଷଦ ।

ପରିପତ୍ରାଙ୍କ 1943 ତାରିଖ 17-7-2020

ଏହାର ଏକକିତା ଅବିକଲ ନକଲ D.I.O (NIC) ସୋନପୁରଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ଓ ଏହାକୁ ଜିଲ୍ଲା Web-site ରେ ପ୍ରକାଶ କରିବାକୁ ଅନୁରୋଧ କରାଗଲା ।

ନିର୍ବାହୀ ଅଧିକାରୀ,
ସୁବର୍ଣ୍ଣପୁର ପୌର ପରିଷଦ ।

ପରିପତ୍ରାଙ୍କ 1944 ତାରିଖ 17-7-2020

ଏହାର ଏକକିତା ଅବିକଲ ନକଲ କାର୍ଯ୍ୟାଳୟ ନୋଟିସ ବୋର୍ଡରେ ପ୍ରକାଶ କରାଗଲା ।

ନିର୍ବାହୀ ଅଧିକାରୀ,
ସୁବର୍ଣ୍ଣପୁର ପୌର ପରିଷଦ ।